# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା. ୦୯.୦୫:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୫୩ଟି ଅଭିଯୋଗରୁ ୪୫ଟି ବ୍ୟକ୍ତିଗତ ଓ ୮ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦିଆଯାଇଛି । ରେଡକ୍ରସ ପାଣ୍ଠିରୁ ୨ଜଣଙ୍କୁ ଆର୍ଥିକ ସହାୟତା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଶିକ୍ଷା, ଖଣି ବିସ୍ଥାପିତ ପରିବାରଂକ ସମସ୍ୟା, ଚିକିତ୍ସା ଓ ଶ୍ରମିକ ମଙ୍ଗଳର ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଡେପୁଟୀ କଲେକ୍ଟର ମନିଷା ଗୁପ୍ତା, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।